# ଗ୍ରାମୀଣ କୃଷି ମୌସମ ସେବା

# ଭାରତ ପାଣିପାଗ ବିଭାଗ

# ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ

# ଆଞ୍ଚଳିକ ଗବେଷଣା ଓ ବୈଷୟିକ ପ୍ରସାରଣ କେନ୍ଦ୍ର, ଚିପିଲିମା

ସଂଖ୍ୟା -୨୨ (ଓଡ଼ିଆ ବୁଲେଟିନ) ସପ୍ତାହ -୧୧ ତାରିଖ:୧୫ .୦୩.୨୦୨୪

## ସୋନପୁର

ଭାରତ ପାଣିପାଗ ବିଜ୍ଞାନ ବିଭାଗ, ମୌସମ ବିଜ୍ଞାନ କେନ୍ଦ୍ର , ଭୁବନେଶ୍ବର ଅନୁଯାୟୀ ଆସନ୍ତା ସପ୍ତାହର ଦ୍ବିତୀୟ ପର୍ଯ୍ୟାୟରେ ସ୍ବଳ୍ପ ରୁ ମଧ୍ୟମ ଧରଣର ବର୍ଷା ହେବାର ପୂର୍ବାନୁମାନ ଅଛି ଏବଂ ଏହି ସମୟ ଅବଧିରେ ଆକାଶ ଆଂଶିକ ରୁ ସାଧାରଣତଃ କିମ୍ବା ପୂର୍ଣତଃ ମେଘାଛନ୍ନ ରହିପାରେ । ଆସନ୍ତା ୫ ଦିନ ମଧ୍ୟରେ ସର୍ବୋଚ୍ଚ ତାପମାତ୍ରା ୩୪ ରୁ ୩୯ ଡିଗ୍ରୀ ସେଣ୍ଟିଗ୍ରେଡ ଓ ସର୍ବନିମ୍ନ ତାପମାତ୍ରା ୨୦ ରୁ ୨୪ ଡିଗ୍ରୀ ସେଣ୍ଟିଗ୍ରେଡ ମଧ୍ୟରେ ରହିବାର ସମ୍ଭାବନା ରହିଅଛି । ଆସନ୍ତା ସପ୍ତାହରେ ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା ୪୩ % ରୁ ୭୬ % ଓ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା ୯ % ରୁ ୩୧ % ମଧ୍ୟରେ ରହିବାର ସମ୍ଭାବନା ରହିଅଛି । ଆସନ୍ତା ୫ ଦିନ ମଧ୍ୟରେ ୮ ରୁ ୧୧ କି.ମି. ପ୍ରତି ଘଣ୍ଟା ବେଗରେ ଦକ୍ଷିଣ ପୂର୍ବ, ଉତ୍ତର ପୂର୍ବ କିମ୍ବା ଦକ୍ଷିଣ ପଶ୍ଚିମ ଦିଗରୁ ପବନ ବହିବାର ସମ୍ଭାବନା ରହିଅଛି ।

| ତାରିଖ | 16-03-2024 | 17-03-2024 | 18-03-2024 | 19-03-2024 | 20-03-2024 |
|---|---|---|---|---|---|
| ବୃଷ୍ଟିପାତ (ମିଲି ମିଟର) | 1 | 1 | 5 | 5 | 15 |
| ସର୍ବାଧିକ ତାପମାତ୍ରା (º ସେଣ୍ଟିଗ୍ରେଡ) | 39 | 38 | 38 | 36 | 34 |
| ସର୍ବନିମ୍ନ ତାପମାତ୍ରା (º ସେଣ୍ଟିଗ୍ରେଡ) | 22 | 23 | 23 | 24 | 20 |
| ସମ୍ପୂର୍ଣମେଘ ଆବରଣ(ଓକଟା) | 4 | 2 | 4 | 6 | 8 |
| ସର୍ବାଧିକଆପେକ୍ଷିକ ଆଦ୍ରତା (ଶତକଡା %) | 43 | 53 | 68 | 70 | 76 |
| ସର୍ବନିମ୍ନ ଆପେକ୍ଷିକ ଆଦ୍ରତା (ଶତକଡା %) | 9 | 14 | 27 | 31 | 23 |
| ପବନବେଗ (କିମି/ଘଣ୍ଟା ପ୍ରତି) | 8 | 8 | 9 | 10 | 11 |
| ପବନଦିଗ (ଡିଗ୍ରୀ) | 124 | 244 | 79 | 202 | 259 |

ଅଧିକ ଜାଣିବା ପାଇଁ, ଭାରତୀୟ ପାଣିପାଗ ବିଭାଗ, ଭୁବନେଶ୍ୱର, ଟେଲିଫୋନ# ୦୬୭୪-୨୫୯୦୨୧୧ରେ ଯୋଗାଯୋଗ କରନ୍ତୁ

## ସାଧାରଣଉପଦେଶ

- ଗ୍ରୀଷ୍ମକାଳିନ ଫସଲ ତଥା ପନିପରିବା ଚାଷ ପାଇଁ ନିୟମିତ ପାଣି ଯୋଗେଇବାର ଉଚିତ ବ୍ୟବସ୍ଥା କରିବାକୁ ପରାମର୍ଶ ଦିଆଯାଇଅଛି କିନ୍ତୁ ଆସନ୍ତା ସପ୍ତାହ ର ଦ୍ବିତୀୟ ପର୍ଯ୍ୟାୟରେ ବର୍ଷା ହେବାର ସମ୍ଭାବନାକୁ ଧ୍ୟାନରେ ରଖି ଜଳସେଚନ ତଥା ଔଷଧର ସିଞ୍ଚନ କାର୍ଯ୍ୟ ସପ୍ତାହର ପ୍ରଥମ ଦୁଇ ରୁ ତିନି ଦିନ ମଧ୍ୟରେ କରିବାକୁ କିମ୍ବା ଅତି ଜରୁରୀ ନ ଥିଲେ କିଛି ଦିନ ଅପେକ୍ଷା ରଖିବାକୁ ପରାମର୍ଶ ଦିଆଯାଇଅଛି । ଯେଉଁ ଚାଷୀ ଭାଇମାନଙ୍କର ରବି ଫସଲ କଟା ହୋଇକି ବାହାରେ ସୁଖିବା ପାଇଁ ରଖା ହୋଇଛି ତାକୁ ସୁରକ୍ଷିତ ସ୍ଥାନରେ ରଖିବାର ପ୍ରବନ୍ଧ କରନ୍ତୁ ।
- ମାଟିର ତାପମାତ୍ରା ତଥା ଆର୍ଦ୍ରତା କୁ ବଜାୟ ରଖିବା ପାଇଁ ଫସଲ ଅବଶେଷ ପୁଆଳ କିମ୍ବା ପଲିଥିନର ଆବରଣ ବ୍ୟବହାର କରିପାରିବେ ।
- ବର୍ତ୍ତମାନ ପାଣିପାଗର ଯେଉଁ ସ୍ଥିତି (ଶୁଷ୍କ ପାଗ ସହିତ ତାପମାତ୍ରାରେ ବୃଦ୍ଧି ଓ ଆଂଶିକ ମେଘୁଆ ପାଗ) ରହିଅଛି ତାହା ଫସଲରେ ରୋଗ ପୋକ ଆକ୍ରମଣ ପାଇଁ ଅନୁକୁଳ ଅଟେ ତେଣୁ ଏହାର ନିୟମିତ ନିରୀକ୍ଷଣ କରିବାକୁ ପରାମର୍ଶ ଦିଆଯାଇଅଛି ।

## ପାଣିପାଗ ଭିତ୍ତିକ କୃଷିଏବଂ ପଶୁପାଳନଉପଦେଶ

| ଫସଲର ନାମ | ଫସଲ ଅବସ୍ଥା | କୃଷି ଏବଂ ପଶୁପାଳନ ପାଇଁପାଣିପାଗ ଭିତ୍ତିକ ପରାମର୍ଶ |
|---|---|---|
| ଡାଲୁଆ ଧାନ | ପିଲଅବସ୍ଥା | ପିଲ ଅବସ୍ଥାରେ ୟୁରିଆ ସାରର ପ୍ରୟୋଗ ଆର୍ଦ୍ର ଭୁମିରେ କରିବାକୁ ପରାମର୍ଶ ଦିଆଯାଇଅଛି। ଧାନ ଗଛରେ କାଣ୍ଡ ବିନ୍ଧା ପୋକର ଉପଦ୍ରବ ଦେଖାଗଲେ ଏହାର ନିୟନ୍ତ୍ରଣ ପାଇଁ କ୍ଲୋରାନଟ୍ରାନିଲିପ୍ରୋଲ ୧୮.୫ ଏସ.ସି. @ ୦.୩ ମିଲିକୁ ପ୍ରତି ଲିଟର ପାଣିରେ ମିଶାଇ ଶୁଷ୍କ ପାଗରେ ଦୁଇ ଦିନ ମଧ୍ୟରେ ପ୍ରୋୟୋଗ କରିବାକୁ ପରାମର୍ଶ ଦିଆଯାଇଅଛି କାରଣ ଏହା ପରେ ବର୍ଷା ହେବାର ଅନୁମାନ ରହିଅଛି । |
| ମୁଗ (ଖରା ଦିନିଆ) | ବନସ୍ପତି ବିକାସ | ପ୍ରଚଳିତ ପାଣିପାଗରେ ମୁଗ ଓ ବିରି ଖେତରେ ଜଉ ପୋକ ଲାଗିବାର ସମ୍ଭାବନା ବଢିପାରେ ତେଣୁ ଏହାର ନିୟମିତ ନିରୀକ୍ଷଣ କରିବାକୁ ପରାମର୍ଶ ଦିଆଯାଇଅଛି ଏବଂ ପୋକ ଦେଖାଗଲେ ଏହାର ନିୟନ୍ତ୍ରଣ ପାଇଁ ୦ .୩ ମିଲି |

| | | |
|---|---|---|
| | | ଇମିଡାକ୍ଲୋରୋପ୍ରିଡ଼ କିମ୍ବା ୦.୩ ଗ୍ରାମ ଥାଇଓମିଥୋକ୍ସାମକୁ ପ୍ରତି ଲିଟର ପାଣିରେ ମିଶାଇ ଗଛରେ ପ୍ରୟୋଗ କରନ୍ତୁ। ଯଦି ମୁଗ ଓ ବିରି ଜାତୀୟ ଫସଲରେ ସାହେବୀ ରୋଗର ଲକ୍ଷଣ ଦେଖାଯାଏ ଯାହାକି ଧଳା ମାଛି ଦ୍ବାରା ବ୍ୟାପିଥାଏ ତେଣୁଧଳା ମାଛିର ନିୟନ୍ତ୍ରଣ ପାଇଁ ପ୍ରତି ଏକର ପିଛା ୪୦ ଗ୍ରାମ ଏସିଟାମିପ୍ରିଡକୁ ୨୦୦ ରୁ ୨୫୦ ଲିଟର ପାଣିରେ ମିଶାଇ ଶୁଷ୍କ ପାଗକୁ ଦେଖି ଖେତରେ ପ୍ରୟୋଗ କରନ୍ତୁ । |
| ମକା | ବନସ୍ପତି ବିକାସ | କାଣ୍ଡବିନ୍ଧା ପୋକର ନିୟନିନ୍ତ୍ରଣ ପାଇଁ ଫିପ୍ରୋନିଲ ୫% ଏସ.ସି. କିମ୍ବା ପ୍ରୋପେନୋଫସ ୫୦% ଇ.ସି. @ ୨ ମିଲିକୁ ପ୍ରତି ଲିଟର ପାଣିରେ ମିଶାଇସିଂଚନ କରନ୍ତୁ। ଫଲ ଆର୍ମିୱର୍ମ କୀଟର ନିୟନ୍ତ୍ରଣ ପାଇଁ ପ୍ରତି ଲିଟର ପାଣିରେ ୦.୪ ଗ୍ରା. ଇମାମେକଟିନ୍ଟିନ ବେନଜୋଏଟ୍ କୁ ମିଶାଇ ଦୁଇ ଦିନ ମଧ୍ୟରେ ଶୁଷ୍କ ପାଗ ଦେଖି ସିଞ୍ଚନ କରନ୍ତୁ। |
| ସୋରିଷ | କାଟିବା ଏବଂ ସୁଖେଇବା ଅବସ୍ଥା | ଆସନ୍ତା ସପ୍ତାହରେ ସ୍ୱଳ୍ପ ରୁ ମଧ୍ୟମ ଧରଣର ବର୍ଷା ହେବାର ସମ୍ଭାବନା ଦେଖାଯାଇପାରେ ତେଣୁ ଚାଷୀ ଭାଇମାନଙ୍କୁ ବାହାରେ ସୁଖା ହୋଇଥିବା ସୋରିଷ କୁ ସୁରକ୍ଷିତ ଜାଗାରେ ରଖିବାକୁ ପରାମର୍ଶ ଦିଆଯାଉଅଛି। |
| ଆମ୍ବ | ସୋରିଷ ଏବଂମଟର ଆକାରର ଫଳଅବସ୍ଥା | ଆମ୍ବ ଗଛରେ ଆମ୍ବ ହପରକୁ ନିୟନ୍ତ୍ରଣ କରିବା ପାଇଁ ୧ ଗ୍ରାମ୍ ଏସିଫେଟ କିମ୍ବା ୦.୫ ମିଲି କ୍ଲୋରୋପାଇରିଫସ୍ କିମ୍ବା ୦.୩ ରୁ ୦.୪ ଗ୍ରାମ ଥାଇଓମିଥୋକ୍ସାମକୁ ପ୍ରତି ଲିଟର ପାଣିରେ ମିଶାଇ ଗଛରେ ପ୍ରୟୋଗ କରିବାକୁ ପରାମର୍ଶ ଦିଆଯାଇଅଛି। ଆମ୍ବ ଗଛରେ ଧଳା ପାଉଡରର ସ୍ତର ଲାଗିରହିଲା ପରି ରୋଗର ଲକ୍ଷଣ ଦେଖାଗଲେ ଏହାର ନିୟନ୍ତ୍ରଣ ପାଇଁ ୨ ଗ୍ରାମ ଦ୍ରବୀଭୂତ ସଲଫରକୁ ପ୍ରତି ଲିଟର ପାଣିରେ ମିଶାଇ ଆକାଶ ସଫା ଥିବା ସମୟରେ ଗଛରେ ପ୍ରୟୋଗ କରାନ୍ତୁ । ଯଦି ଆମ୍ବ ଗଛରେ ଫଳ ସୋରିଷ ଆକାରର ହୋଇଗଲାଣି ସେଥିରେ ୨ ପ୍ରତିଶତ KNO3 ର ପ୍ରୟୋଗ କରିପାରିବେ କାରଣ ଏହା ଆଗକୁ ଫଳର ଆକାର ବୃଦ୍ଧି କରିବାରେ ସହାୟକ ହୋଇଥାଏ । ଆମ୍ବ ଗଛରେ ଯଦି ଫଳ ମଟର ଦାନା ଆକାରର ହୋଇଯାଇଛି ସେଥିରେ ଫଳ ଝଡିବା କମ କରିବା ପାଇଁ ପ୍ଲାନୋଫିକ୍ସ @ ୧ ମିଲି ପ୍ରତି ୪.୫ ଲିଟର ପାଣି ହିସାବରେ ପ୍ରୟୋଗ କରନ୍ତୁ । ହରମୋନ ଏବଂ କୀଟମରା ଔଷଧର ପ୍ରୟୋଗ ଏକା ସମୟରେ କରନ୍ତୁ ନାହିଁ ଓ ଏହାର ସିଞ୍ଚନରେ ଗୋଟେ ସପ୍ତାହର ବ୍ୟବଧାନ ରଖନ୍ତୁ। |
| ବାଇଗଣ ଏବଂ ଟମାଟର | ଫଳଅବସ୍ଥା | ଯଦି ବାଇଗଣ ଏବଂ ଟମାଟର ଗଛରେ ପତ୍ରଖିଆ ସମ୍ବାଲୁଆ ଏବଂ କାଣ୍ଡ ଓ ଫଲବିନ୍ଧା ପୋକର ଆକ୍ରମଣ ଦେଖାଯାଏ ତାହେଲେ ୦.୪ ଗ୍ରାମ ଇମାମେକଟିନ୍ ବେନଯୋଏଡ଼କୁ ପ୍ରତି ଲିଟର ପାଣିରେ ମିଶାଇ ଶୁଷ୍କ ପାଗକୁ ଦେଖି ଗଛରେ ପ୍ରୟୋଗ କରନ୍ତୁ । ଯଦି ଟୋମାଟୋ ଗଛରେ ପତ୍ରପୋଡା ରୋଗର ଲକ୍ଷଣ ଦେଖାଯାଏ ତା 'ହେଲେ ଏହାର ନିରାକରଣ ପାଇଁ ଟେବୁକୋନାଜୋଲ ୫୦% + ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ ୨୫% @ ୦.୪ ଗ୍ରାମ କୁ ପ୍ରତି ଲିଟର ପାଣି ସହିତ ମିଶାଇ ସିଞ୍ଚନ କରିପାରିବେ। ଔଷଧର ପ୍ରୟୋଗ କାର୍ଯ୍ୟ ଆସନ୍ତା ଦୁଇ ରୁ ତିନି ଦିନ ମଧ୍ୟରେ କରିବାକୁ ପରାମର୍ଶ ଦିଆଯାଉଅଛି । |
| ପିଆଜ | ବନସ୍ପତି ବିକାସ | ପିଆଜ ଗଛ ରେ ବାଇଗଣି ଦାଗ କିମ୍ବା ପର୍ପଲ ବ୍ଲୋଟ୍ଚ ର ନିୟନ୍ତ୍ରଣ ପାଇଁ ଟେବୁକୋନାଜୋଲ ୫୦% + ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ ୨୫% @ ୦.୪ ଗ୍ରାମ କୁ ପ୍ରତି ଲିଟର ପାଣି ସହିତ ମିଶାଇ ସିଞ୍ଚନ କରନ୍ତୁ । ଉକୁଣିଆ ପୋକର ପ୍ରକୋପରୁ ଗଛକୁ ରକ୍ଷା କରିବା ପାଇଁ ୦.୩ ମିଲି ଇମିଡାକ୍ଲୋରୋପ୍ରିଡ଼ କିମ୍ବା ୦.୩ ଗ୍ରାମ ଥାଇଓମିଥୋକ୍ସାମ କୁ ପ୍ରତି ଲିଟର ପାଣି କିମ୍ବା ୧ ଗ୍ରାମ ଏସିଟାମିପ୍ରିଡ ୨୦ ପ୍ରତିଶତ ଇ.ସି. କୁ ୪ ଲିଟର ପାଣିରେ ମିଶାଇ ଆସନ୍ତା ୨ ରୁ ୩ ଦିନ ମଧ୍ୟରେ ଗଛରେ ପ୍ରୟୋଗ କରନ୍ତୁ । |
| ଗାଈ | ପଶୁମାନଙ୍କୁ ଗରମରୁ ରକ୍ଷା କରିବା ପାଇଁ ତାଙ୍କୁ ନିୟମିତ ତାଜା ସ୍ୱଚ୍ଛ ଥଣ୍ଡା ପାନୀୟ ଜଳ ଯୋଗେଇବାର ବ୍ୟବସ୍ଥା କରନ୍ତୁ । ସେମାନଙ୍କୁ ଛାଇ ରେ ରଖନ୍ତୁ ଓ ସକାଳ ୧୧ ଟା ରୁ ସନ୍ଧ୍ୟା ୪ ଟା ମଧ୍ୟରେ ଚରାଇବାକୁ ବାହାରକୁ ଛାଡନ୍ତୁ ନାହିଁ । ଗୁହାଳର ତଳପଟରେ ପୁଆଲ କିମ୍ବା ଧଳା ପେଣ୍ଟ କିମ୍ବା ପ୍ଲାଷ୍ଟରର ବ୍ୟବସ୍ଥା କରନ୍ତୁ କାରଣ ଏହା ଦ୍ୱାରା ତାପମାତ୍ରା ନିୟନ୍ତ୍ରଣ ହୋଇଥାଏ । ଗୁହାଳ ଘରେ ବର୍ଷା ଜଳ ନ ପଶିବା ପାଇଁ ଉଚିତ ବ୍ୟବସ୍ଥା କରନ୍ତୁ। | |



| | |
|---|---|
| **Ms. Jubuli Sahu**<br>**Junior Agrometeorologist,**<br>**AMFU, RRTTS, Chiplima** | **Dr. Sanjukta Mohapatra**<br>**ADR cum Nodal Officer**<br>**RRTTS, Chiplima** |



- କୃଷି ରେ ଉତ୍ତମ ଲାଭ ପାଇଁ ,**OUAT KALINGA**ପ୍ରଡକ୍ଟସ (ବିହନ, ଚାରା ରୋପଣ ଓ କ୍ୟାପିଏମ୍, ଟିସୁ କଲଚର ପ୍ଲାଣ୍ଟ , ଫଳ ଓ ପନିପରିବା , ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ୍, କୁକୁଡ଼ା ଛୁଆ, ମହୁମାଛି ଓ ସ୍ୱୋନ୍, ଜୈବ ସାର, ଜୈବ କୀଟନାଶକ, ଜିଆ ଏବଂ ଜିଆ ଖତଇତ୍ୟାଦି) ବ୍ୟବହାର କରନ୍ତୁ।
- ଭାରତ ପାଣିପାଗ ବିଭାଗ ର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ପାଇଁ ମେଘଦୂତ ମୋବାଇଲ ଆପ (https://play.gooogle.com/store/apps/details?id=com.aas.meghdoot) ତଥା ନିଜ ଅଞ୍ଚଳର ବିଜୁଳି କିମ୍ବା ବଜ୍ରପାତ ପୂର୍ବାନୁମାନ ପାଇଁ ଦାମିନୀ ଆପ (https://play.google.com/store/apps/details?id=com.lightening.live.damini) ର ବ୍ୟବହାର କରିପାରିବେ।